NITIDIN

ନିତିଦିନ

BHUBANESWAR - 15 Feb 2025 - Page 4

# ଆଇଏଚ୍‌ଏମ୍ ପକ୍ଷରୁ ଆତିଥ୍ୟ ଓ ପର୍ଯ୍ୟଟନ ଉଦ୍ୟୋଗକୁ ଗୁରୁତ୍ୱ

**ଭୁବନେଶ୍ୱର,୧୪।୨/ଏନ୍‌ଏନ୍‌ଏସ୍:** ଓଡ଼ିଶାର ଯୁବବର୍ଗଙ୍କ ମଧ୍ୟରେ ହସ୍‌ପିଟାଲିଟି ବା ଆତିଥ୍ୟ ଶିକ୍ଷା ବିଷୟରେ ସଚେତନତା ସୃଷ୍ଟି କରିବା ପାଇଁ ଭୁବନେଶ୍ୱରର ଇନଷ୍ଟିଚ୍ୟୁଟ୍ ଅଫ୍ ହୋଟେଲ ମ୍ୟାନେଜମେଣ୍ଟ (ଆଇଏଚଏମ) ସହଭାଗିତାରେ ପତ୍ର ସୂଚନା କାର୍ଯ୍ୟାଳୟ (ପିଆଇବି) ଶିକ୍ଷାନୁଷ୍ଠାନ ପରିସରରେ ଏକ ସାମ୍ବାଦିକ ସମ୍ମିଳନୀ ଆୟୋଜନ କରିଛି। ଏହି ସାମ୍ବାଦିକ ସମ୍ମିଳନୀରେ ଆଇଏଚ୍‌ଏମ୍ ଭୁବନେଶ୍ୱରର ଅଧ୍ୟକ୍ଷ ଶାରଦା ଘୋଷ ଅଧ୍ୟକ୍ଷତା କରିଥିବା ବେଳେ ବରିଷ୍ଠ ଅଧ୍ୟାପକ ସମ୍ମିତ ସୁମନ ଏବଂ ପ୍ରମଥଦୀପ କର ଉପସ୍ଥିତ ଥିଲେ।

ଆତିଥ୍ୟ କ୍ଷେତ୍ରରେ ରହିଥିବା ବ୍ୟାପକ କ୍ୟାରିଅର୍ ସମ୍ଭାବନା ଏବଂ ଭବିଷ୍ୟତର ପେସାଦାରମାନଙ୍କୁ ଗଢ଼ିବାରେ ଗୁଣାତ୍ମକ ଶିକ୍ଷାର ଗୁରୁତ୍ୱପୂର୍ଣ୍ଣ ଭୂମିକା ଉପରେ କାର୍ଯ୍ୟକ୍ରମରେ ଆଲୋଚନା ହୋଇଥିଲା। ଏହି ବକ୍ତବ୍ୟ ରଖି ଶ୍ରୀମତୀ ଘୋଷ ଆତିଥ୍ୟ ଶିଳ୍ପରେ ଥିବା ଅପାର ସମ୍ଭାବନାକୁ ପ୍ରଦର୍ଶିତ କରିବା ଲାଗି ସାରା ଓଡ଼ିଶାର ଛାତ୍ରଛାତ୍ରୀଙ୍କ ନିକଟରେ ପହଞ୍ଚିବା ଲାଗି ଆଇଏଚ୍‌ଏମ୍‌ର ପ୍ରତିବଦ୍ଧତା ଉପରେ ଗୁରୁତ୍ୱାରୋପ କରିଥିଲେ। ଓଡ଼ିଶା ଏକ ପ୍ରମୁଖ ପର୍ଯ୍ୟଟନ ସ୍ଥଳୀ ଭାବରେ ଉଭା ହେବା ସହିତ ବିଳାସପୂର୍ଣ୍ଣ ହୋଟେଲ ଏବଂ ରିସର୍ଟ ସଂଖ୍ୟାରେ ବୃଦ୍ଧି ଘଟିବା ସହିତ କୁଶଳୀ ପେସାଦାରଙ୍କ ଚାହିଦା ସର୍ବକାଳୀନ ଉଚ୍ଚ ସ୍ତରରେ ରହିଛି। ଦିଲ୍ଲୀର ଜବାହାରଲାଲ ନେହରୁ ବିଶ୍ୱବିଦ୍ୟାଳୟ (ଜେଏନୟୁ) ଦ୍ୱାରା ପ୍ରଦାନ କରାଯାଇଥିବା ଆତିଥ୍ୟ ଓ ହୋଟେଲ ପ୍ରଶାସନରେ ବିଏସ୍‌ସି ଏବଂ ଆତିଥ୍ୟ ପ୍ରଶାସନରେ ଏମ୍‌ଏସ୍‌ସି ସମେତ ଏହି ଶିକ୍ଷାନୁଷ୍ଠାନ ଦ୍ୱାରା ପ୍ରଦାନ କରାଯାଉଥିବା ପ୍ରମୁଖ ପାଠ୍ୟକ୍ରମ ବିଷୟରେ ସେ ବିସ୍ତୃତ ଭାବେ ବର୍ଣ୍ଣନା କରିଥିଲେ। ଶ୍ରୀ ସୁମନ ସ୍ନାତକମାନଙ୍କ ପାଇଁ ଉପଲବ୍ଧ ବିବିଧ କ୍ୟାରିଅର ସୁଯୋଗ ବିଷୟରେ ସୂଚନା ଦେଇଥିଲେ। ଏହି ଆଲୋଚନାରେ ଯୋଗ ଦେଇ ଶ୍ରୀ କର ଭାରତ ସରକାରଙ୍କ ପର୍ଯ୍ୟଟନ ମନ୍ତ୍ରଣାଳୟର ନେତୃତ୍ୱରେ ଦକ୍ଷତା ବିକାଶ ପଦକ୍ଷେପ ଏବଂ ଦକ୍ଷତା ବିକାଶ କେନ୍ଦ୍ର ଭାବେ ଆଇଏଚ୍‌ଏମ୍ ଭୁବନେଶ୍ୱରର ଭୂମିକା ବିଷୟରେ କହିଥିଲେ। ମାଗଣା ଦକ୍ଷତା ତାଲିମ ପ୍ରଦାନ କରୁଥିବା ସେବା ପ୍ରଦାନକାରୀଙ୍କ ପାଇଁ କ୍ଷମତା ନିର୍ମାଣ ପଦକ୍ଷେପ ସମେତ ସରକାର ସମର୍ଥିତ ତାଲିମ କାର୍ଯ୍ୟକ୍ରମରେ ଅନୁଷ୍ଠାନର ଅଂଶଗ୍ରହଣ ଉପରେ ସେ ଆଲୋକପାତ କରିଥିଲେ।